ପ୍ରେସ୍ ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୧୮୩ଜଣ କରୋନା ପଜିଟିଭ ଚିହ୍ନଟ ।

## ପଜିଟିଭ ସଂଖ୍ୟା ୩୮୮୨୯ ରେ ପହଞ୍ଚିଲା - ସୁସ୍ଥ ହେଲେ ୩୮୨ଜଣ ।

ଅନୁଗୋଳ, ତା.୧୫.୦୬:- ଆଜି ଅନୁଗୋଳ ଜିଲ୍ଲାରେ ୧୮୩ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ବଅଁରପାଳ ବ୍ଲକ୍ ଅଂଚଳରୁ ୩୩ଜଣ ( ୧୯ଜଣ ପୁରୁଷ ଓ ୧୪ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୨୨ଜଣ (୧୫ ଜଣ ପୁରୁଷ ଓ ୭ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୨୧ଜଣ ( ୧୪ଜଣ ପୁରୁଷ ଓ ୭ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୨୦ଜଣ ( ୧୩ଜଣ ପୁରୁଷ ଓ ୭ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୧୯ଜଣ(୧୦ ଜଣ ପୁରୁଷ ଓ ୯ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୮ ଜଣ ( ୧୫ଜଣ ପୁରୁଷ ଓ ୩ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧୫ଜଣ ( ୧୦ଜଣ ପୁରୁଷ ଓ ୫ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୧୪ଜଣ ( ୯ଜଣ ପୁରୁଷ ଓ ୫ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୯ଜଣ ( ୭ଜଣ ପୁରୁଷ ଓ୨ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୮ଜଣ ( ୭ଜଣ ପୁରୁଷ ଓ ୧ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୪ଜଣ ( ୩ଜଣ ପୁରୁଷ ଓ ୧ଜଣ ମହିଳା) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ୬୮ ଜଣଂକୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୩୮୨ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୧୫୭ଜଣ ମୃତ୍ୟୁବରଣ କଲେଣି ଏବଂ ଆଜି ସୁଦ୍ଧା ୨ ଲକ୍ଷ ୪ ହଜାର ୪୨୨ଜଣଙ୍କୁ ଟିକା ଦିଆଗଲାଣି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୩୫୮ ତା.୧୫.୦୬.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ